# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1775 CUTTACK, SATURDAY, SEPTEMBER 22, 2018/BHADRA 31, 1940**

**ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ**

**ଅଧିସୂଚନା**

**Dated the 2nd August 2018**

**No. 28534---RDM-LAB-BOUDH-0016-2018-R&DM.**

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଖୋର୍ଦ୍ଧାରୋଡ-ବଲାଙ୍ଗିର ନୂତନ ଓସାରିଆ ରେଳପଥ ନିର୍ମାଣ ନିମନ୍ତେ ମୌଜା- **ଶିଲେଟପଡା,** ଥାନା-ମନମୁଣ୍ଡା, ନଂ-୧୩୬, ତହସିଲ- କଣ୍ଟାମାଳ, ଜିଲ୍ଲା- ବୌଦ୍ଧ ରେ ନିମ୍ନ ତଫସିଲ ମତେ ପ୍ରାୟ ୦.୬୪୦ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ ୨୦୧୩ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧-ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୁପ- ଖୋର୍ଦ୍ଧାରୋଡ-ବଲାଙ୍ଗିର ନୂତନ ଓସାରିଆ ରେଳପଥ ନିର୍ମାଣ ନିମନ୍ତେ ।

୨- ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ- ଉପମୁଖ୍ୟ ଯନ୍ତ୍ରୀ, (ନିର୍ମାଣ) ପୂର୍ବତଟ ରେଳପଥ, ବଲାଙ୍ଗିର।

୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ:- ସାର୍ବଜନୀନ ଉଦ୍ଦେଶ୍ୟରେ ରେଳପଥ ପ୍ରକଳ୍ପ କାର୍ଯ୍ୟକାରି କରିବା।

୪- ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ :- ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ସଂଖ୍ୟା -୨୩୩୩୨ ତା-୧୮/୦୭/୨୦୧୭ ରେ ଦ୍ରଷ୍ଟବ୍ୟ ।

୫- ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ:- ଉପ-ଜିଲ୍ଲାପାଳ, ବୌଦ୍ଧ ।

୬- ଜମିର ବିବରଣୀ:-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍ ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ବୌଦ୍ଧ | କଣ୍ଟାମାଳ | **ଶିଲେଟପଡା** | ଗ୍ରାମାଞ୍ଚଳ | ଏଥିସହ ସଂଲଗ୍ନ କରାଗଲା। | ଏଥିସହ ସଂଲଗ୍ନ କରାଗଲା। | ଏ.୧.୨୧୦ | **ଏ.୦.୬୪୦** | ଏଥିସହ ସଂଲଗ୍ନ କରାଗଲା। |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ, ଖୋର୍ଦ୍ଧାରୋଡ୍-ବଲାଙ୍ଗିର ନୂତନ ଓସାରିଆ ରେଳପଥ ପ୍ରକଳ୍ପ, ବୌଦ୍ଧଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ବୌଦ୍ଧ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦(ସାଠିଏ) ଦିନ ମଧ୍ୟରେ ବୌଦ୍ଧ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

| ଜମି ର ତାଲିକା | | | | | | |
|---|---|---|---|---|---|---|
| କ୍ରମିକ ନଂ | ୧ | ୨ | ୩ | ୪ | ୫ | ୬ |
| | ଖତିୟାନ ନଂ | ପ୍ଲଟ ନଂ | ରକବା | ଅଧିଗ୍ରହଣ ରକବା | କିସମ | ଅଭିଲିଖିତ ରୟତ ନାମ |
| ୧ | ୧ | ୯ | ୦.୬୨୦ | ୦.୧୮୦ | ଶାରଦ-୨ | ଅକୁର ଭୋଇ ପି-ଖଗେଶ୍ୱର ଭୋଇ ବା: ପୁରୁଣାପାଣି |
| ୨ | | ୧୦ | ୦.୧୧୦ | ୦.୧୧୦ | ଶାରଦ-୨ | |
| ୩ | ୩୭ | ୫ | ୦.୧୫୦ | ୦.୦୯୦ | ଶାରଦ-୨ | ସରୋଜ ମିଶ୍ର, ଅଖିଳ ମିଶ୍ର, କପିଳ ମିଶ୍ର, ବାସନ୍ତି ମିଶ୍ର ପି-ରାମଚନ୍ଦ୍ର ମିଶ୍ର ବା: ପୁରୁଣାପାଣି |
| ୪ | | ୬ | ୦.୩୪୦ | ୦.୨୬୦ | ଶାରଦ-୨ | |
| ମୋଟ | | | ୧.୨୨୦ | ୦.୬୪୦ | | |

ରାଜ୍ୟପାଳଙ୍କ ଆଦେଶକ୍ରମେ
ବ୍ରହ୍ମାନନ୍ଦ ବେହେରା
ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1252—173+20